# ଗ୍ରାମୀଣ କୃଷି ମୌସମ ସେବା

ଆଞ୍ଚଳିକ ଗବେଷଣା ଓ ପ୍ରଯୁକ୍ତି ବିଦ୍ୟା ସଂପ୍ରସାରଣ କେନ୍ଦ୍ର
ରାଣୀତାଲ, ଭଦ୍ରକ, ଓଡ଼ିଶା-୭୫୬୧୧୧
(ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ)

ପତ୍ରିକା ସଂଖ୍ୟା-୨୦ /୨୪

**ଜିଲ୍ଲା-ଭଦ୍ରକ** ତା.୦୭.୦୩.୨୦୨୪

**ପାଣିପାଗ ପୂର୍ବାନୁମାନ (ତା.୧୨.୦୩.୨୦୨୪ ପର୍ଯ୍ୟନ୍ତ )-** ଆଞ୍ଚଳିକ ପାଣିପାଗ କେନ୍ଦ୍ରର ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ୩ ଦିନ ପାଇଁ ଶୁଖିଲା ପାଗ ଏବଂ ୨ ଦିନ(୮ ଏବଂ ୯ ) ପାଇଁ ହାଲୁକା ବର୍ଷା ହେବାର ସମ୍ଭାବନା ରହିଛି। ପବନର ବେଗ ୧୧ -୧୩ କିଲୋମିଟର / ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି | ସର୍ବାଧିକ ତାପମାତ୍ରା ଏବଂ ସର୍ବନିମ୍ନ ତାପମାତ୍ରା ଆସନ୍ତା ପାଞ୍ଚ ଦିନ ପାଇଁ ଯଥାକ୍ରମେ ୩୦ -୩୪ ° C ଏବଂ ୨୧-୨୩ ° C ରହିବ |

| DISTRICT | Date | Rainfall (mm) | T-MAX (C ) | T-MIN (C ) | Cloud Cover | Rh Max (%) | Rh Min (%) | Wind speed (kmph) | Wind Direction (deg) |
|---|---|---|---|---|---|---|---|---|---|
| BHADRAK | 08-03-2024 | 7 | 30 | 23 | 7 | 80 | 39 | 11 | 150 |
| | 09-03-2024 | 2 | 32 | 23 | 6 | 78 | 32 | 13 | 45 |
| | 10-03-2024 | 0 | 34 | 22 | 1 | 44 | 23 | 12 | 90 |
| | 11-03-2024 | 0 | 35 | 22 | 2 | 64 | 25 | 11 | 288 |
| | 12-03-2024 | 0 | 36 | 21 | 3 | 87 | 29 | 11 | 199 |

## ପାଣିପାଗଭିତ୍ତିକ କୃଷି ଓ ପଶୁପାଳନ ଉପଦେଶ

| | | |
|---|---|---|
| **ସାଧାରଣ ଉପଦେଶ** | ପାଣିପାଗ ବିଭାଗର ପୂର୍ବାନୁମାନ ଅନୁଯାୟୀ,ବର୍ଷା ହେବାର ସମ୍ଭାବନା ହେତୁ , ଚାଷୀମାନେ ମୁଗ,ବିରି, ମକା, ପନିପରିବା ଏବଂ ସୂର୍ଯ୍ୟମୁଖୀ ଭଳି ଜଳ ସମ୍ବେଦନଶୀଳ ଫସଲ କ୍ଷେତରୁ ଅତିରିକ୍ତ ଜଳ ନିଷ୍କାସନ କରିବାକୁ ପରାମର୍ଶ । | |
| **ଫସଲର ନାମ** | **ଫସଲର ଅବସ୍ଥା** | **ପାଣିପାଗ ଭିତ୍ତିକ ପରାମର୍ଶ** |
| **ଖରାଟିଆ ଧାନ** | ପିଲ ଅବସ୍ଥା | ❖ ଧାନ ଫସଲରେ କାଣ୍ଡ ବିନ୍ଧା ପୋକର ପ୍ରାଦୁର୍ଭାବ ବୃଦ୍ଧି ପାଇଛି।ଏହାର ନିରାକରଣ ପାଇଁ ଏକର ପ୍ରତି ୪ କେଜି Rynaxypyr ୦.୪ G ଅଥବା ୮kg Fipronil ୦.୩ G କୁ କ୍ଷେତରେ ପାଣିବାନ୍ଧି ପ୍ରୟୋଗ କରନ୍ତୁ।<br>❖ ଖରାଟିଆ ଧାନରେ କିଛି ଜାଗାରେ ପତ୍ର ପୋଡା ରୋଗ ସଂକ୍ରମଣ ବୃଦ୍ଧି ପାଉଛି ଏହାକୁ ନିରାକାରଣ କରିବା ପାଇଁ ଏକର ପ୍ରତି ୨୦୦ ଗ୍ରା plantomycin ସହ ୫୦୦ ଗ୍ରା cupper oxy chloride ୨୦୦ ଲି ପଣି ସହ ମିଶାଇ ପତ୍ର ସିଂଚନ କରନ୍ତୁ ଏବଂ ଏକର ପ୍ରତି ୧୦ kg MOP କୁ କ୍ଷେତରେ ପ୍ରୟୋଗ କରନ୍ତୁ । |
| **ମୁଗ** | ଫୁଲ ଏବଂ ଫଳ ଅବସ୍ଥା | ଖରାଟିଆ ମୁଗ ଫସଲରେ ଛୁଇଁ ବିନ୍ଧା ର ପରିଚାଳନା ପାଇଁ ଏକର ପିଛା ଏମାମେକ୍ଟିନ୍ ବେନଜୋଏଟ୍ @ 80g କିମ୍ବା ପ୍ରୋଫେନୋଫୋସ୍ @ 400 ମିଲି ସ୍ପ୍ରେ କରନ୍ତୁ। |
| **ସୁର୍ଯ୍ଯମୁଖୀ** | ଫୁଲ ଅବସ୍ଥା | ସୁର୍ଯ୍ଯମୁଖୀ ଫସଲରେ ସଂକ୍ରମିତ ଉଦ୍ଭିଦଗୁଡିକୁ କ୍ଷେତରୁ ବାହାର କରନ୍ତୁ \|<br>ମୂଳ ସୋଢା ଏବଂ ଝାଉଁଳା ନିୟନ୍ତ୍ରଣ କରିବାକୁ ଏକର ପିଛା (ମେଟାଲାକ୍ସିଲ୍ + ମାନକୋଜେବ୍) କିମ୍ବା (ସାଇମକ୍ସାନିଲ୍ + ମାନକୋଜେବ୍) @ 400gm ପ୍ରୟୋଗ କରନ୍ତୁ \| |

| | | |
|---|---|---|
| **ଆଖୁ** | **ବୃଦ୍ଧି** | ଆଖୁରେ ସଅଁଳ କାଣ୍ଡ ବିନ୍ଧାପୋକ ଦୃଷ୍ଟିଗୋଚର ହେଲେ Fipronil ୫SC@ ୪୦୦ମିଲି/ଏକର ପତ୍ର ସିଂଚନ କରନ୍ତୁ । |
| **ପନିପରିବା** | **ଫୁଲ ଏବଂ ଫଳ ଅବସ୍ଥା** | ❖ ବାଇଗଣ ଫସଲରେ ଫଳବିନ୍ଧା ପୋକର ଦମନ ପାଇଁ ୧ ଲିଟର ପାଣି ପ୍ରତି ୮୦ ଗ୍ରାମ ଏମାମେକ୍ଟିନ ବେଞ୍ଜୋଏଟ କିମ୍ବା ୭୦ ମି.ଲି. ସ୍ପିନୋସାଡ କିମ୍ବା Thiachloprid @୨୫୦ମିଲି /ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।ନିୟମିତ ଆକ୍ରାନ୍ତ ଡାଳ ଓ ଫଳ କୁ ସଂଗ୍ରହ କରି ନଷ୍ଟ କରନ୍ତୁ।<br>❖ ବାଇଗଣ ଓ ଟମାଟୋ ଫସଲରେ ଝାଉଂଳା କିମ୍ବା ଆଂଶିକ ଝାଉଂଳା ରୋଗ ଦେଖାଗଲେ ଆକ୍ରାନ୍ତ ଗଛ କୁ ଓପାଡି ଦିଅନ୍ତୁ ଓ ଗଛ ମୂଳରେ ନିମ୍ବ କିମ୍ବା କରଞ୍ଜ ପିଡିଆ ପ୍ରୟୋଗ କରନ୍ତୁ । ପ୍ରତି ଲିଟର ପାଣିରେ ୧ ମି.ଲି. କବକ ନାଶକ ଟେବୁକୋନାଜୋଲ କୁ ମିଶାଇ ଗଛ ମୂଳ ଓ ପତ୍ରକୁ ସିଂଚନ କରନ୍ତୁ ।<br>❖ ମୃତିକାରେ ବରନ ଅଣୁସାର ଅଭାବ ପରିଲକ୍ଷିତ ଥାଇ ଫଳଫାଟୁଥିଲେ ଏକର ପ୍ରତି ୩୦୦ଗ୍ରା Boron (୨୦%) ସିଂଚନ କରନ୍ତୁ। |
| **ଆମ୍ବ** | **ବଢ଼ଳ ଅବସ୍ଥା** | ❖ ଆମ୍ବ ଗଛରେ ଫଳ ପରିମାଣ ବୃଦ୍ଧି କରିବା ପାଇଁ NAA@1ml/4.5l ର ସ୍ପ୍ରେ କରନ୍ତୁ ।<br>❖ ଆମ୍ବ ଡାହାଣୀ ଓ ଦହିଆ ପୋକ ଦେଖାଗଲେ Thiamethoxam ୦.୪ ଗ୍ରା/ଲିଟର କିମ୍ବା Lambda Cyahalothrin 4.9 CS @1.25 ମିଲି /ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ। |

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ତାରା, QPM, ଟିସୁ କଲଚର ଗଛ, ଫଳ ଓ ପନିପରିବା, ଯାଅଁଳ, କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android:https://play.google.com/store/apps/details?id=com.aas.meghdoot)(iOS: https://apps.apple.com/in/app/meghdoot/id1474048155)